ସୂଚନା ଓ ଲୋକ ସଂପର୍କ ବିଭାଗ
Information & Public Relations Department
Government of Odisha, Bhubaneswar-751001
Phone : (91-674) 2536736 /2390818 (Fax)
e-mail : iprsec.or@nic.in

**News ID-IPR/COVID-19(OD)/997/20-09-2021**

# ପ୍ରେସ୍ ବିବୃତି

**ଭୁବନେଶ୍ୱର : ୨୦ ସେପ୍ଟେମ୍ବର , ୨୦୨୧**

- ମାନ୍ୟବର ମୁଖ୍ୟମନ୍ତ୍ରୀ ଶ୍ରୀଯୁକ୍ତ ନବୀନ ପଟ୍ଟନାୟକ କହିଛନ୍ତି ଯେ ଗତ ଦୁଇ ଦଶନ୍ଧି ମଧ୍ୟରେ ଓଡ଼ିଶାରେ ଦାରିଦ୍ର୍ୟରେ ଦ୍ରୁତ ହ୍ରାସ ଘଟିଛି ଏବଂ ଲକ୍ଷ ଲକ୍ଷ ଲୋକଙ୍କ ଜୀବନଧାରାରେ ଉନ୍ନତି ଘଟିଛି । ଲୋକକୈନ୍ଦ୍ରିକ କଲ୍ୟାଣକାରୀ ଯୋଜନା ଏବଂ ଭବିଷ୍ୟତ ଦୃଷ୍ଟିସଂପନ୍ନ କାର୍ଯ୍ୟପନ୍ଥା ଦ୍ୱାରା ରାଜ୍ୟ ଏକ ଉଦାହରଣ ସୃଷ୍ଟି କରିପାରିଛି ବୋଲି ସେ କହିଛନ୍ତି ।

- ମାନ୍ୟବର ମୁଖ୍ୟମନ୍ତ୍ରୀ ଭଦ୍ରକ ଜିଲ୍ଲା ଭଣ୍ଡାରୀପୋଖରୀର ବିଶିଷ୍ଟ ସ୍ୱାଧୀନତା ସଂଗ୍ରାମୀ ବୈକୁଣ୍ଠ ମହାପାତ୍ରଙ୍କ ବିୟୋଗରେ ଦୁଃଖ ପ୍ରକାଶ କରିଛନ୍ତି । ଦେଶର ସ୍ୱାଧୀନତା ଏବଂ ଅଖଣ୍ଡତା ବଜାୟ ରଖିବା କ୍ଷେତ୍ରରେ ତାଙ୍କ ଅବଦାନ ସର୍ବଦା ସ୍ମରଣୀୟ ବୋଲି ଉଲ୍ଲେଖ କରି ମାନ୍ୟବର ମୁଖ୍ୟମନ୍ତ୍ରୀ ତାଙ୍କ ଅମର ଆତ୍ମାର ସଦ୍‌ଗତି କାମନା କରିବା ସହ ଶୋକସନ୍ତପ୍ତ ପରିବାରବର୍ଗଙ୍କ ପ୍ରତି ସମବେଦନା ଜଣାଇଛନ୍ତି ।

- ମାନ୍ୟବର ମୁଖ୍ୟମନ୍ତ୍ରୀ ବିଶିଷ୍ଟ ଶ୍ରମିକ ନେତା ତଥା ଶିକ୍ଷାବିତ୍ ଦୁର୍ଗାପ୍ରସାଦ ନାୟକଙ୍କ ପରଲୋକରେ ଦୁଃଖ ପ୍ରକାଶ କରିଛନ୍ତି । ସ୍ୱାଧୀନତା ସଂଗ୍ରାମ, ସମାଜ ସଂସ୍କାର ସହ ଶିକ୍ଷା କ୍ଷେତ୍ରରେ ତାଙ୍କ ଜୀବନ ଆଦର୍ଶ ସମସ୍ତଙ୍କ ପାଇଁ ପ୍ରେରଣାଦାୟୀ ବୋଲି ଉଲ୍ଲେଖ କରି ମାନ୍ୟବର ମୁଖ୍ୟମନ୍ତ୍ରୀ ତାଙ୍କ ଅମର ଆତ୍ମାର ସଦ୍‌ଗତି କାମନା କରିବା ସହ ଶୋକସନ୍ତପ୍ତ ପରିବାରବର୍ଗଙ୍କ ପ୍ରତି ସମବେଦନା ଜଣାଇଛନ୍ତି ।

- ମାନ୍ୟବର ମୁଖ୍ୟମନ୍ତ୍ରୀ ଉଜ୍‌ବେକିସ୍ତାନର ତାସ୍‌କେଣ୍ଟଠାରେ ଆୟୋଜିତ ଏସିଆ ରଗ୍‌ବି ୧୮ ବର୍ଷକୁ କମ୍ ରଗ୍‌ବୀ ଚମ୍ପିଅନ୍‌ସିପ୍‌ରେ ରୌପ୍ୟ ପଦକ ଜିତିଥିବାରୁ ଭାରତୀୟ ବାଳିକା ରଗ୍‌ବୀ ଦଳକୁ ଅଭିନନ୍ଦନ ଜଣାଇଛନ୍ତି । ମାନ୍ୟବର ମୁଖ୍ୟମନ୍ତ୍ରୀ ଦଳକୁ ଭବିଷ୍ୟତ ପାଇଁ ଶୁଭେଚ୍ଛା ଜଣାଇଛନ୍ତି ।

## ସର୍ବଶେଷ ସ୍ୱାସ୍ଥ୍ୟ ସୂଚନା

- ଗତକାଲି ମଧ୍ୟରାତ୍ରି ସୁଦ୍ଧା ଓଡ଼ିଶାରେ ୧,୯୨,୫୬,୨୭୪ ଟି ନମୁନା କୋଭିଡ୍-୧୯ ପରୀକ୍ଷା କରାଯାଇଛି ।
- ବର୍ତ୍ତମାନ ସୁଦ୍ଧା ସମୁଦାୟ ୧୦,୨୦,୭୫୪ ଜଣ ପଜିଟିଭ୍ ଚିହ୍ନଟ ହୋଇଛନ୍ତି ।
- ୧୦,୦୭,୬୬୬ ଜଣ ରୋଗୀ ସଂପୂର୍ଣ୍ଣ ସୁସ୍ଥ ହୋଇଛନ୍ତି/ଡାକ୍ତରଖାନାରୁ ଫେରିଛନ୍ତି ।
- ୮,୧୪୧ ଜଣ କୋଭିଡ୍-୧୯ ରୋଗୀଙ୍କର ମୃତ୍ୟୁ ହୋଇଛି ।
- ସକ୍ରିୟ ଥିବା ସଂକ୍ରମିତଙ୍କ ସଂଖ୍ୟା ୪,୮୯୪ ରହିଛି ।

ସୂର୍ଯ୍ୟ ମିଶ୍ର
ସୂଚନା ଅଧିକାରୀ

**'ଘରେ ରୁହନ୍ତୁ, ସୁରକ୍ଷିତ ରୁହନ୍ତୁ'**